ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ

ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 29-12-2023

ଗଜପତି(ଓଡିଶା) - :2023-12-29 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2023-12-30 | 2023-12-31 | 2024-01-01 | 2024-01-02 | 2024-01-03 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 30.0 | 30.0 | 30.0 | 30.0 | 30.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 15.0 | 15.0 | 16.0 | 16.0 | 16.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 89 | 81 | 74 | 70 | 65 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 34 | 32 | 29 | 28 | 26 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 4 | 4 | 4 | 4 | 5 |
| ପବନର ଦିଗ (ଡିଗ୍ରୀ) | 162 | 167 | 161 | 169 | 193 |
| ମେଘାଚ୍ଛନ (ଅକ୍ଟା) | 2 | 2 | 2 | 0 | 3 |

## ପାଣିପାଗ ସାରାଂଶ/ସତର୍କ:

ଭାରତ ପାଣିପାଗ ବିଭାଗ ରୁ ମିଳିଥିବା ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ମଙ୍ଗଳବାର ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବା ସହିତ ଆକାଶ ସଫା ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆସନ୍ତା ପାଞ୍ଚ ଦିନ ପର୍ଯ୍ୟନ୍ତ ପବନର ବେଗ ୦୪.୦ ରୁ ୦୫.୦ କିଲୋମିଟର ପ୍ରତି ଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି । ଦୈନିକ ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୩୦.୦° ସେଲସିୟସ ଏବଂ ୧୫.୦° ସେଲସିୟସ ରୁ ୧୬.୦° ସେଲସିୟସ ମଧ୍ୟରେ ରହିବାର ସମ୍ଭାବନା ରହିଛି । ସକାଳେ ଏବଂ ଅପରାହ୍ନରେ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ୬୫ ରୁ ୮୯ ଶତକଡା ଏବଂ ୨୬ ରୁ ୩୪ ଶତକଡା ମଧ୍ୟରେ ରହିପାରେ ।

## ସାଧାରଣ ଉପଦେଶ:

ଗଜପତି ଜିଲ୍ଲାରେ ଗତ ସପ୍ତାହରେ ହାରାହାରି ସର୍ବାଧିକ ଦୈନିକ ତାପମାତ୍ରା ୩୦.୧° ସେଲସିୟସ ଏବଂ ହାରାହାରି ସର୍ବନିମ୍ନ ଦୈନିକ ତାପମାତ୍ରା ୧୫.୪° ସେଲସିୟସ ଥିଲା । ଗତ ସପ୍ତାହରେ ଜିଲ୍ଲାରେ ୦.୦ ମିଲିମିଟର ବର୍ଷା ହୋଇଅଛି । କମ୍ ତାପମାତ୍ରା ଓ କୁହୁଡିଆ ପାଗ ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ରପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ଏହାର ନିରାକରଣର ବ୍ୟବସ୍ଥା କରନ୍ତୁ । ରବି ପନିପରିବା ରେ ଘାସ ବାଛି କୋଡାଖୋସା କରନ୍ତୁ । କୋବି ଜାତୀୟ ପନିପରିବା ଫସଲରେ ୭-୮ ଦିନ ବ୍ୟବଧାନରେ ଜଳସେଚନ କରନ୍ତୁ । ଶୀତ ଋତୁ ରେ ଅଧିକ ଥଣ୍ଡା ସମୟରେ ଗାଈ ଗୁହାଳରେ ପଲିଥିନ୍ କିମ୍ବା ଅଖା ଦ୍ୱାରା ଆଚ୍ଛାଦିକରଣ କରିବାର ବ୍ୟବସ୍ଥା କରନ୍ତୁ । କୁକୁଡା ରହୁଥିବା ଘରେ ଉତ୍ତାପ ବଜାୟ ରଖିବା ପାଇଁ ରୁମ୍ ହିଟର କିମ୍ବା ୨୦୦ ୱାଟ ବଲ୍ ଲଗାନ୍ତୁ ।

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| ତଳିଘରା କୁ ଥଣ୍ଡା ଦାଉରୁ ରକ୍ଷା କରିବା ପାଇଁ ଧାନ ବୁଣି ସାରିବା ପରେ ତଳିଘରା ଉପରେ ଶୁଖିଲା ଗୋବର ଖତ ଗୁଣ୍ଡର ଏକ ପତଳା ଆସ୍ତରଣ ପକାନ୍ତୁ । |

**ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଧାନ ସାଇତି ରଖିଥିବା ବସ୍ତା କିମ୍ବା କୋଠରୀରେ ପୋକ ଦେଖାଦେଲେ ଆଲୁମିନିୟମ ଫସଫାଇଡ୍ ଟାବଲେଟ ଏକ ଟନ ଧାନ ପିଛା ୩ ଟି (ସମୁଦାୟ ୯ ଗ୍ରାମ ଟାବଲେଟ) କନାରେ ଗୁଡାଇ ରଖନ୍ତୁ । ଏହାପରେ ଭଲଭାବରେ ତାରପୋଲିନ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କା ଜାଗା ନ ରୁହେ । ଯଦି କୋଠରୀର ସନ୍ଧି ଜାଗା କିମ୍ବା କବାଟ ଫାଙ୍କ ଜାଗା ଥାଏ ତେବେ କାଦୁଅ କିମ୍ବା ସେଲୋଟ୍ୟାପ ଦେଇ ଭଲ ଭାବରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠରୀର ବସ୍ତା ମୁହଁ ଭଲ ଭାବରେ ବନ୍ଦ ରଖନ୍ତୁ । ଡାଲୁଅ ଧାନ ଚାଷ ପାଇଁ ଅଧିକ ଅମଳକ୍ଷମ ଧାନ କିସମ ଯଥା ସତ୍ୟଭାମା, ସହଭାଗୀ ଧାନ, ମନ୍ଦାକିନୀ, ମାନସ୍ୱିନୀ, ଡିଆରଆର-୪୨, ଡିଆରଆର-୪୩, ଡିଆରଆର-୪୪, ବୀଣା-୧୧, ଜିବି-୧, ଉନ୍ନତ ଲଲାଟ, ଏମଟିୟୁ-୧୦୧୦, ଏମଟିୟୁ-୧୦୦୧, ନବୀନ, ସ୍ୱର୍ଣ୍ଣ ଶ୍ରେୟା ଇତ୍ୟାଦି ଧାନ କିସମ ବ୍ୟବହାର କରନ୍ତୁ । ଏକ ଏକର ଧାନ ଚାଷ ପାଇଁ ୨୦ କିଲୋଗ୍ରାମ ଧାନ ବିହନ ତଳି ପକେଇବା ପାଇଁ ଆବଶ୍ୟକ ହୋଇଥାଏ । ବିହନ ବିଶୋଧନ କରିବା ପାଇଁ ପ୍ରତି କିଲୋଗ୍ରାମ ଧାନ ବିହନରେ ୨ ଗ୍ରାମ କାର୍ବେଣ୍ଡାଜିମ ନାମକ ଫିମ୍ପିନାଶକ କିମ୍ବା ୩ ଗ୍ରାମ କାର୍ବୋକ୍ସିନ ଏବଂ ଥିରାମ ର ମିଳିତ ଫିମ୍ପିନାଶକ କୁ ମିଶାଇ ବିହନ ବିଶୋଧନ କରନ୍ତୁ । |
| ମୁଗ | ସାହେବୀ ରୋଗ ନହେବା ପାଇଁ ସାହେବୀ ରୋଗ ନିରୋଧୀ କିସମ ଯଥା ପିଡିଏମ ୧୩୯, ପିଡିଏମ ୧୧ ଚୟନ କରନ୍ତୁ କିମ୍ବା ସାହେବୀ ରୋଗ ହେଇନଥିବା ଗଛରୁ ବିହନ ସଂଗ୍ରହ କରନ୍ତୁ । ବିହନ ବୁଣିବା ପୂର୍ବରୁ ପ୍ରତି କିଲୋଗ୍ରାମ ବିହନ ରେ ୭ ଗ୍ରାମ ଇମିଡ଼ାକ୍ଲୋପ୍ରିଡ ନାମକ କୀଟନାଶକ ମିଶାଇ ବିଶୋଧନ କରନ୍ତୁ । ଗଛ ୨-୩ ପତ୍ର ହେବା ଅବସ୍ଥାରୁ ଏକର ପ୍ରତି ୮-୧୦ ଟି ହଳଦିଆ ଅଠାଯୁକ୍ତ ଯନ୍ତା ବସାନ୍ତୁ । ଧଳାମାଛି ମାନେ ହଳଦିଆ ରଙ୍ଗ ପ୍ରତି ଆକୃଷ୍ଟ ହୋଇ ଯନ୍ତା ଅଠାରେ ଲାଖି ମରିଯିବେ । ସାହେବୀ ଆକ୍ରାନ୍ତ ଗଛ ଗୁଡିକୁ ଓପାଡି ଦୂରରେ ନଷ୍ଟ କରି ଦିଅନ୍ତୁ । ପ୍ରାଥମିକ ଅବସ୍ଥାରେ ଧଳାମାଛି ର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ପିପିଏମ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖାଦେଲେ ରାସାୟନିକ ଉପାୟରେ ପୋକ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ ଥିଆମେଥୋକଜାମ ନାମକ କୀଟନାଶକ କିମ୍ବା ୫୦ ଗ୍ରାମ ଏସିଟାମିପ୍ରିଡ ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

**ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଫୁଲକୋବି | କୋବି ଫସଲରେ ବୋରନ ଅଣୁସାର ଜନିତ ଗଠନଗତ ସମସ୍ୟା ର ପରିଚାଳନା ପାଇଁ ପ୍ରତି ୪ କିଲୋଗ୍ରାମ ବୋରାକ୍ସ କୁ ଶେଷ ଓଡ ଚାଷ ସମୟରେ ପ୍ରୟୋଗ କରନ୍ତୁ । ଶେଷ ଓଡ ଚାଷ ସମୟରେ ଜମିରେ ପ୍ରୟୋଗ କରି ନ ଥିଲେ ଚାରା ରୋପଣ ର ୨ ସପ୍ତାହ ପରେ ଏବଂ ଫୁଲ କଢ ଧରିବାର ୨ ସପ୍ତାହ ପୂର୍ବରୁ ପ୍ରତି ଲିଟର ପାଣିରେ ୨.୫ ଗ୍ରାମ ବୋରାକ୍ସ କିମ୍ବା ୧-୧.୫ ଗ୍ରାମ ଫୋଲିବୋର କିମ୍ବା ସୋଲୁବୋର ମିଶାଇ ପତ୍ର ରେ ସିଂଚନ କରନ୍ତୁ । |
| ବାଇଗଣ | ବାଇଗଣରେ ଗଣ୍ଡି ଏବଂ ଫଳ ବିନ୍ଧା ପୋକର ଆକ୍ରମଣ ଦେଖାଦେଲେ ଆକ୍ରାନ୍ତ ଗଛର ଅଗ ଡାଳଟି ଝାଉଁଳି ପଡେ ଓ ପରେ ଏହି ଝାଉଁଳି ଥିବା ଡାଳଟି ଶୁଖିଯାଏ । ଫଳ ଅବସ୍ଥାରେ ଶୁକ ଗୁଡିକ ଡାଳ ଅପେକ୍ଷା, ଫଳ ଗୁଡିକୁ ବେଶି ଆକ୍ରମଣ କରିଥାନ୍ତି । ଏହି ପୋକର ପରିଚାଳନା ପାଇଁ ପ୍ରଥମେ ଜମିରୁ ଆକ୍ରାନ୍ତ ଡାଳ, ପତ୍ର ଓ ଫଳ ଗୁଡିକ ସଂଗ୍ରହ କରି ଦୂରରେ ନଷ୍ଟ କରିଦିଅନ୍ତୁ । ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି, Leucin Lure ଥିବା ସଙ୍ଗ ଆକର୍ଷକ ଯନ୍ତାରୁ ୨୦ ଟି ରଖନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି ନିମ୍ବ ଆଧାରିତ କୀଟନାଶକ କୁ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ବାଇଗଣ ଫସଲରେ ଯଦି, ଶତକଡା ୪-ଭାଗ ଅଗ ଝାଉଁଳା ବା ଶତକଡା ୧୪-ଭାଗ ପୋକଡା ଫଳ ଦେଖୁଛନ୍ତି ତାହେଲେ ରାସାୟନିକ ଔଷଧ ପ୍ରୟୋଗ କରନ୍ତୁ । ଏହି ପୋକର ରାସାୟନିକ ଉପାୟରେ ପରିଚାଳନା ପାଇଁ ଏକର ପ୍ରତି ୭୫-ମିଲି Spinosad ନାମକ କୀଟନାଶକ କିମ୍ବା ୮୦-ଗ୍ରାମ Emamectin Benzoate ନାମକ ଔଷଧ କିମ୍ବା ୮୦-ମିଲି Chlorantraniliprole ନାମକ ଔଷଧ କିମ୍ବା ୨୦୦-ମିଲି ସ୍ୱାଇନେଟୋରାମ ନାମକ ଔଷଧ, ୨୦୦-ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ଏହି କୀଟନାଶକ ମଧ୍ୟରୁ ଯେକୌଣସି ଗୋଟିଏ କୁ ବାରମ୍ବାର ପ୍ରୟୋଗ ନକରି ଅଦଳ ବଦଳ କରି ପ୍ରତି ୧୫-ଦିନ ଅନ୍ତରରେ ସିଂଚନ କରନ୍ତୁ । |

**ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଶୀତ ଋତୁରେ ଗାଈଗୋରୁ ମାନଙ୍କୁ ବାୟୁ ଚଳପ୍ରଚଳ କରୁଥିବା ଗୁହାଳ ଘରେ ରଖନ୍ତୁ । ଗୁହାଳର ଚଟାଣ ସଫା ଓ ଶୁଖିଲା ରଖନ୍ତୁ, ଗାଈଗୋରୁ ଶୋଇବା ସ୍ଥାନରେ ନଡା ବିଛେଇ ଦିଅନ୍ତୁ । ଶୀତ ଦିନରେ ତାପମାତ୍ରା ହ୍ରାସ ପାଉଥିବାରୁ ଗାଈଗୋରୁ ମାନଙ୍କୁ ଅଧିକ ମାତ୍ରାରେ ଖାଦ୍ୟ ଆବଶ୍ୟକ ହୋଇଥାଏ । ଦୁଗ୍ଧ ଉତ୍ପାଦନ ବଢେଇବା ପାଇଁ ଘାସ ଜାତୀୟ ଗୋଖାଦ୍ୟ ଅଧିକ ମାତ୍ରାରେ ଖାଇବାକୁ ଦିଅନ୍ତୁ । ମଇଁଷି ଓ ଗାଈଗୋରୁ ମାନଙ୍କ ଶରୀର ତାପମାତ୍ରା ବଜାୟ ରଖିବା ପାଇଁ ମକା, ଗହମ ଓ ତେଲ ପିଡିଆ ଆଦି ଗୋଖାଦ୍ୟ ୩ କେଜି ହିସାବରେ ଦିଅନ୍ତୁ । |